## ପଞ୍ଜୀକରଣ କାର୍ଯ୍ୟାଳୟରେ ସ୍ମାର୍ଟ୍ ନିରୀକ୍ଷଣ ବ୍ୟବସ୍ଥା ସଂକ୍ରାନ୍ତରେ ମାନ୍ୟବର ରାଜସ୍ୱ ମନ୍ତ୍ରୀଙ୍କ ସମୀକ୍ଷା

- ସ୍ୱଚ୍ଛ, ଦୁର୍ନୀତିମୁକ୍ତ ଏବଂ ମଧ୍ୟସ୍ଥିମୁକ୍ତ ରାଜସ୍ୱ ପ୍ରଶାସନ ତଥା ଜମିଜମା ପଞ୍ଜୀକରଣ ବ୍ୟବସ୍ଥା ଉପରେ ଗୁରୁତ୍ୱାରୋପ

- 'ସ୍ମାର୍ଟ ସର୍ଭେଲାନ୍ସ୍ ସିଷ୍ଟମ୍' ମାଧ୍ୟମରେ ଚିହ୍ନଟ ହୋଇ ନିନ୍ଦିତ ଏବଂ ଦଣ୍ଡିତ ହେବେ ଦୁର୍ନୀତିଖୋର୍ ବ୍ୟକ୍ତି

ଭୁବନେଶ୍ୱର, ଜୁଲାଇ ୧ :

ଲୋକସେବା ଭବନଠାରେ ମାନ୍ୟବର ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗର ମନ୍ତ୍ରୀ ଶ୍ରୀ ସୁରେଶ ପୂଜାରୀଙ୍କ ଅଧ୍ୟକ୍ଷତାରେ ଆଇଜିଆର୍ ନିରୀକ୍ଷଣ ବ୍ୟବସ୍ଥା ସଂକ୍ରାନ୍ତରେ ଏକ ଉଚ୍ଚସ୍ତରୀୟ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଓଡ଼ିଶାର ସମସ୍ତ ପଞ୍ଜୀକରଣ କାର୍ଯ୍ୟାଳୟରେ ଉନ୍ନତ ସିସିଟିଭି କ୍ୟାମେରା ମାଧ୍ୟମରେ ସ୍ମାର୍ଟ ନିରୀକ୍ଷଣ ବ୍ୟବସ୍ଥା, ଏହାର ସୁପରିଚାଳନା ଏବଂ ରକ୍ଷଣାବେକ୍ଷଣ ସମ୍ପର୍କରେ ବିସ୍ତୃତ ଆଲୋଚନା କରାଯାଇଥିଲା । ସମନ୍ୱିତ ନିରୀକ୍ଷଣ ଏବଂ ମନିଟରିଂ ମାଧ୍ୟମରେ ରାଜ୍ୟର ସମସ୍ତ ପଞ୍ଜୀକରଣ କାର୍ଯ୍ୟାଳୟରେ ସୁରକ୍ଷା ଭିତ୍ତିଭୂମିକୁ ସୁଦୃଢ଼ କରିବା ନିମନ୍ତେ ମାନ୍ୟବର ମନ୍ତ୍ରୀ ଗୁରୁତ୍ୱାରୋପ କରିବା ସହ ଦୁର୍ନୀତିମୁକ୍ତ ସେବା ସୁନିଶ୍ଚିତ କରିବା ନିମନ୍ତେ ନିର୍ଦ୍ଦେଶ ଦେଇଛନ୍ତି ।



ବୈଠକରେ ବିଶଦ ଆଲୋଚନା କରି ମାନ୍ୟବର ରାଜସ୍ୱ ମନ୍ତ୍ରୀ ଶ୍ରୀ ପୂଜାରୀ କହିଲେ ଯେ, ଅଧିକାରୀ ଏବଂ କର୍ମଚାରୀମାନଙ୍କୁ ବାଦ୍ ଦେଇ ପଞ୍ଜୀକରଣ କାର୍ଯ୍ୟାଳୟକୁ ବିନା କୌଣସି କାରଣରେ ପ୍ରତ୍ୟହ ବାରମ୍ବାର ଆସୁଥିବା ମଧ୍ୟସ୍ଥିମାନଙ୍କ ଦ୍ୱାରା ହିଁ ଦୁର୍ନୀତି ହେବାର ସମ୍ଭାବନା ଥାଏ । ଏଥିନିମନ୍ତେ ସିସିଟିଭି କ୍ୟାମେରା ମାଧ୍ୟମରେ ସ୍ମାର୍ଟ୍ ସର୍ଭେଲାନ୍ସ୍ ସିଷ୍ଟମର ବ୍ୟବସ୍ଥା କରାଯାଇ ଏଇ ତଥାକଥିତ ମଧ୍ୟସ୍ଥିମାନଙ୍କୁ ଚିହ୍ନଟ କରାଯିବ । ସ୍ମାର୍ଟ ସର୍ଭଲୋନ୍ସ ସିଷ୍ଟମକୁ ଏଆଇର ଉପଯୋଗ କରି ଅଧିକ ସୁଦୃଢ଼ ଏବଂ ପ୍ରଭାବଶାଳୀ କରାଯିବା ସହ ଏଇ ମଧ୍ୟସ୍ଥିମାନଙ୍କୁ ଚିହ୍ନଟ କରି ଦଣ୍ଡିତ ମଧ୍ୟ କରାଯିବ । ଜମି କିଣାବିକା ଏବଂ ପଞ୍ଜିକରଣ ବ୍ୟବସ୍ଥାକୁ ସମ୍ପୂର୍ଣ୍ଣ ଭାବେ ମଧ୍ୟସ୍ଥିଙ୍କ ପ୍ରଭାବରୁ ଦୂରରେ ରଖାଯିବ ଏବଂ ଦୁର୍ନୀତିକୁ କୌଣସିମତେ ପ୍ରଶ୍ରୟ ଦିଆଯିବ ନାହିଁ । ସ୍ୱଚ୍ଛ, ଦୁର୍ନୀତିମୁକ୍ତ ଏବଂ ପାରଦର୍ଶୀ ରାଜସ୍ୱ ପ୍ରଶାସନକୁ ସୁନିଶ୍ଚିତ କରିବା ଦିଗରେ ସର୍ବାଧିକ ଗୁରୁତ୍ୱ ଦିଆଯାଇ ପ୍ରଥମେ ପଞ୍ଜୀକରଣ ବ୍ୟବସ୍ଥାକୁ ମଧ୍ୟସ୍ଥିଙ୍କ ଠାରୁ ମୁକ୍ତ କରାଯିବ ।

ପଞ୍ଜୀକରଣ କାର୍ଯ୍ୟାଳୟରେ ସକରାତ୍ମକ ପ୍ରଭାବକୁ ଲକ୍ଷ୍ୟ କରି ଆଗକୁ ମଧ୍ୟ ରାଜସ୍ୱ ବିଭାଗର ସମସ୍ତ କାର୍ଯ୍ୟାଳୟ, ତହସିଲ୍ ଏବଂ ରାଜସ୍ୱ ନିରୀକ୍ଷକଙ୍କ କାର୍ଯ୍ୟାଳୟରେ ମଧ୍ୟ ସ୍ମାର୍ଟ ସର୍ଭେଲାନ୍ସ ବ୍ୟବସ୍ଥା ଗ୍ରହଣ କରାଯିବ । ସେହିପରି ରାଜସ୍ୱ ବିଭାଗର ବିଭିନ୍ନ କାର୍ଯ୍ୟାଳୟରେ ଅଧିକାରୀ ଏବଂ କର୍ମଚାରୀମାନଙ୍କ କାର୍ଯ୍ୟାଳୟରେ ଉପସ୍ଥିତି ଏବଂ କାର୍ଯ୍ୟରତ ସମୟ ସମ୍ପର୍କରେ ବିଶଦ ଦୃଷ୍ଟି ରଖାଯିବା ସହ କ୍ଷେତ୍ର ପରିଦର୍ଶନରେ ଯାଇଥିଲେ ଟ୍ରାକିଂ ମଧ୍ୟ କରାଯିବ । ରାଜ୍ୟ ମୁଖ୍ୟାଳୟରେ ମଧ୍ୟ ମାନ୍ୟବର ମନ୍ତ୍ରୀ ଏବଂ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବଙ୍କସ୍ତରରେ ସମୟାନୁକ୍ରମେ ଏହାର ନିରୀକ୍ଷଣ କରାଯିବ । ଅଧିକାରୀମାନଙ୍କ ଉପସ୍ଥିତି-ଅନୁପସ୍ଥିତି ଉପରେ ଏହି ସ୍ମାର୍ଟ ସର୍ଭେଲାନ୍ସ୍ ସିଷ୍ଟମ୍ ଦ୍ୱାରା ତୀକ୍ଷ୍ଣ ନଜର

ରଖାଯିବ । ସ୍ମାର୍ଟ ସର୍ଭେଲାନ୍ସ୍ ସିଷ୍ଟମର କଣ୍ଟ୍ରୋଲ୍ ରୁମ୍ ବା ନିୟନ୍ତ୍ରଣ କକ୍ଷର ସାମର୍ଥ୍ୟ ବୃଦ୍ଧି କରାଯିବ । ରିୟଲ୍ ଟାଇମ୍ ମନିଟରିଂ ବା ପ୍ରତ୍ୟକ୍ଷ ସମୟ ତଦାରଖ ବ୍ୟବସ୍ଥା ପରି ନୂତନ ଜ୍ଞାନକୌଶଳ ଏବଂ ପ୍ରଯୁକ୍ତିବିଦ୍ୟାର ପ୍ରୟୋଗ କରି ରାଜସ୍ୱ ପ୍ରଶାସନକୁ ଦୁର୍ନୀତିମୁକ୍ତ କରିବା ସହ ଅଧିକ ଲୋକାଭିମୁଖୀ କରିବା ନିମନ୍ତେ ମାନ୍ୟବର ମନ୍ତ୍ରୀ ଏହି ପରିପ୍ରେକ୍ଷୀରେ ନିର୍ଦ୍ଦେଶ ଦେଇଥିଲେ । ସେବା ପ୍ରଦାନକାରୀ ସଂସ୍ଥା ସହ ନିୟମିତ ଭିତ୍ତିରେ ଆଲୋଚନା କରି ସ୍ମାର୍ଟ ନିରୀକ୍ଷଣ ବ୍ୟବସ୍ଥାର ଦକ୍ଷତା ବୃଦ୍ଧି କରାଯିବ । ପଞ୍ଜୀକରଣ କାର୍ଯ୍ୟାଳୟ ସହ ଜଡିତ ବାର୍ ଆସୋସିଏସନର ସଦସ୍ୟ, ଓକିଲ ତଥା ଅନ୍ୟାନ୍ୟ ବ୍ୟକ୍ତିବିଶେଷଙ୍କୁ ପ୍ରଥମରୁ ପଞ୍ଜୀକୃତ କରିବା ସହ ସେମାନଙ୍କର ସହଯୋଗ ନିମନ୍ତେ ଅବଗତ କରାଯିବ ।

ବୈଠକରେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଡ. ଅରବିନ୍ଦ ପାଢ଼ୀ, ରାଜ୍ୟ ପଞ୍ଜୀକରଣ ମହାନିର୍ଦ୍ଦେଶକ ପି. ଅନ୍ୱେଷା ରେଡ୍ଡୀ, ରାଜସ୍ୱ ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀ ପ୍ରକାଶ ମିଶ୍ର, ଅତିରିକ୍ତ ଶାସନ ସଚିବ ଶ୍ରୀ ଦିଗନ୍ତ ରାଉତରାୟ, ଶ୍ରୀ ସୁରଞ୍ଜନ ପ୍ରଧାନ ଏବଂ ଓକାକର ବରିଷ୍ଠ ଅଧିକାରୀବୃନ୍ଦ ଉପସ୍ଥିତ ଥିଲେ ।

ଅଂଶୁମାନ ସାହୁ
ଲୋକସମ୍ପର୍କ ଅଧିକାରୀ
ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ